## ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୭୩୨ ଜଣ କରୋନା ପଜିଟିଭ ଚିହ୍ନଟ

## ପଜିଟିଭ ସଂଖ୍ୟା ୨୬୦୯୭ରେ ପହଞ୍ଚିଲା - ସୁସ୍ଥ ହେଲେ ୪୯୧ ଜଣ ।

ଅନୁଗୋଳ, ତା.୧୯.୦୫:- ଆଜି ଅନୁଗୋଳ ଜିଲ୍ଲାରେ ୭୩୨ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୯୪ଜଣ ( ୧୨୧ଜଣ ପୁରୁଷ ଓ ୭୩ଜଣ ମହିଳା), ବଣ୍ଢରପାଳ ବ୍ଲକ୍ ଅଂଚଳରୁ ୧୧୫ଜଣ ( ୭୮ଜଣ ପୁରୁଷ ଓ ୩୭ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୮୮ଜଣ ( ୫୭ଜଣ ପୁରୁଷ ଓ୩୧ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୮୦ଜଣ (୫୫ ଜଣ ପୁରୁଷ ଓ ୨୫ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୫୯ଜଣ ( ୩୩ଜଣ ପୁରୁଷ ଓ ୨୬ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୪୭ଜଣ ( ୩୭ଜଣ ପୁରୁଷ ଓ ୧୦ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୪୩ଜଣ ( ୨୬ଜଣ ପୁରୁଷ ଓ ୧ ୭ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୩୮ଜଣ ( ୨୩ଜଣ ପୁରୁଷ ଓ ୧୫ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୩୫ଜଣ ( ୧୯ଜଣ ପୁରୁଷ ଓ ୧୬ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୧୭ଜଣ ( ୧୩ଜଣ ପୁରୁଷ ଓ ୪ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧୬ଜଣ ( ୭ଜଣ ପୁରୁଷ ଓ ୯ଜଣ ମହିଳା) ଅଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ଵାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୩୩ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୭୮୮ ରେ ପହଂଚିଛି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୯୯ ଜଣଂକୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ଵଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୪୯୧ଜଣ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୧୬ ତା.୧୯.୦୫.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ